# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**10 June – 2025**

# ବୁଝାମଣାପତ୍ର ସ୍ୱାକ୍ଷରିତ

ରାଜ୍ୟ ଉଚ୍ଚଶିକ୍ଷା ବିଭାଗ ଓ ଇନ୍ଦିରା ଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱବିଦ୍ୟାଳୟ, ନୂଆଦିଲ୍ଲୀ ମଧ୍ୟରେ ଏକ ବୁଝାମଣା ପତ୍ର ସ୍ୱାକ୍ଷରିତ ହୋଇଛି। ବୁଝାମଣା ପତ୍ର ଅନୁଯାୟୀ ଇନ୍ଦିରା ଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱବିଦ୍ୟାଳୟର ସ୍ନାତକ, ସ୍ନାତକୋତ୍ତର ପାଠ୍ୟକ୍ରମ ସହିତ ସ୍ନାତକୋତ୍ତର ଡିପ୍ଲୋମା, ଡିପ୍ଲୋମା ଓ ସାର୍ଟିଫିକେଟ ପାଠ୍ୟକ୍ରମ, ସ୍ନାତକ ଧନ୍ଦାମୂଳକ ପାଠ୍ୟକ୍ରମ, ଟ୍ରାଭେଲ ଓ ଟୁରିଜିମ୍ ମ୍ୟାନେଜମେଣ୍ଟ, ବିବିଏ, ଏମବିଏ ଆଦି ବିଭିନ୍ନ ପାଠ୍ୟକ୍ରମ ଓଡ଼ିଆ ଭାଷାରେ ପ୍ରଦାନ କରାଯିବ। ବୁଝାମଣାପତ୍ର ସ୍ୱାକ୍ଷର ସମାରୋହରେ ମୁଖ୍ୟଅତିଥି ଭାବେ ଯୋଗଦେଇ ଉଚ୍ଚଶିକ୍ଷା ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି, ଆମ ଛାତ୍ରଛାତ୍ରୀମାନେ ଓଡ଼ିଆ ଭାଷାରେ ଉଚ୍ଚଶିକ୍ଷା ଲାଭ କରିପାରିବେ ଓ ପାଠ୍ୟକ୍ରମର ଭାଷା ବା ମାଧ୍ୟମ ଏଥିରେ ଆଉ ବାଧକ ସାଜିବ ନାହିଁ।

**V/O-**

# ମହାପୁରୁଷ ଆଦର୍ଶ ଗାଁ

ରାଜ୍ୟରେ ଥିବା ଛୋଟ ଗାଁଗୁଡ଼ିକର ବିକାଶ ପାଇଁ ରାଜ୍ୟ ସରକାର 'ମହାପୁରୁଷ ଆଦର୍ଶ ଗାଁ' ନୂଆ ଯୋଜନା କାର୍ଯ୍ୟକାରୀ କରିବେ ବୋଲି ପଞ୍ଚାୟତିରାଜ ଓ ପାନୀୟ ଜଳ ଯୋଗାଣ ମନ୍ତ୍ରୀ ରବି ନାରାୟଣ ନାଏକ କହିଛନ୍ତି । ସେ କହିଛନ୍ତି, ସ୍ୱାଧୀନତା ସଂଗ୍ରାମ ସହ ଜଡ଼ିତ ୧୦୦ରୁ ୧୫୦ ଗ୍ରାମକୁ 'ମହାପୁରୁଷ ଆଦର୍ଶ ଗାଁ' ଯୋଜନାରେ ସାମିଲ କରି ବିକଶିତ କରାଯିବ । ସଂପୃକ୍ତ ଗ୍ରାମଗୁଡ଼ିକର ଭିତ୍ତିଭୂମି ନିର୍ମାଣ ଏବଂ ପୁନରୁଦ୍ଧାର ପାଇଁ ପଦକ୍ଷେପ ଗ୍ରହଣ କରାଯିବ ବୋଲି ମନ୍ତ୍ରୀ କହିଛନ୍ତି ।

# ରାଜସ୍ୱ ଆପ୍

ରାଜସ୍ୱ ବିଭାଗ ସେବାରେ ପାରଦର୍ଶିତା ଆଣିବା ଲାଗି ସ୍ୱତନ୍ତ୍ର ମୋବାଇଲ୍ ଆପ୍ଲିକେସନ୍ ଜରିଆରେ ୧୮ଟି ସେବା ଯୋଗାଇ ଦିଆଯିବ ବୋଲି ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ମନ୍ତ୍ରୀ ସୁରେଶ ପୂଜାରୀ କହିଛନ୍ତି । ଆପ୍ ବ୍ୟବହାର କରି ଲୋକମାନେ ୧୮ ପ୍ରକାର ଗୁରୁତ୍ୱପୂର୍ଣ୍ଣ ପ୍ରମାଣପତ୍ର ପାଇପାରିବେ । ଧାର୍ଯ୍ୟ ସମୟ ଭିତରେ ସେବା ନ ମିଳିଲେ ସଂପୃକ୍ତ ଅଧିକାରୀଙ୍କ ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ମନ୍ତ୍ରୀ କହିଛନ୍ତି ।

# ଓଏଏସ୍ ଅଦଳବଦଳ

ରାଜ୍ୟ ସରକାର ଓଏଏସ ସ୍ତରରେ ଅଦଳବଦଳ କରି ୨୯ ଓଏଏସ୍ ଅଧିକାରୀଙ୍କୁ ନୂତନ ଦାୟିତ୍ୱ ପ୍ରଦାନ କରିଛନ୍ତି। ବିଜ୍ଞପ୍ତି ଅନୁଯାୟୀ, ବୀରସେନ ପ୍ରଧାନଙ୍କୁ ଦକ୍ଷିଣାଞ୍ଚଳ ଆରଡିସିଙ୍କ ସଚିବ, ସୁକାନ୍ତ କୁମାର ବେହେରାଙ୍କୁ କେନ୍ଦ୍ରାଞ୍ଚଳ ଆରଡିସିଙ୍କ ସଚିବ, ଲିପସା ଦାସଙ୍କୁ ଉଚ୍ଚଶିକ୍ଷା ବିଭାଗ ଅତିରିକ୍ତ ସଚିବ ଓ କାଜଲ ପ୍ରଧାନଙ୍କୁ ରାଜ୍ୟ ପରିବହନ କର୍ତ୍ତୃପକ୍ଷ ଉପସଚିବ ଭାବେ ଅବସ୍ଥାପିତ କରାଯାଇଛି ।

# ସେନାପଟା ଲାଗି ନୀତି

ପୁରୀ ଶ୍ରୀମନ୍ଦିରରେ ଆଜି ଜ୍ୟେଷ୍ଠ ଶୁକ୍ଳ ଚତୁର୍ଦ୍ଦଶୀ ତିଥିରେ ମହାପ୍ରଭୁଙ୍କ ସେନାପଟା ଲାଗି ନୀତି ଅନୁଷ୍ଠିତ ହେଉଛି। ତେଣୁ ଗତକାଲି ରାତ୍ର ଆଳତି ପହୁଡ଼ ଠାରୁ ଆଜି ଅପରାହ୍ନ ୨ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ। ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ମହାପ୍ରଭୁଙ୍କ ସେନାପଟା ଲାଗି ନୀତି ଅନୁଷ୍ଠିତ ହେବା ନେଇ ସୂଚନା ପ୍ରଦାନ କରାଯାଇଛି। ଗତକାଲି ଶ୍ରୀମନ୍ଦିରରେ ଦଇତାପତି ସେବକମାନେ ମହାପ୍ରଭୁଙ୍କ ନୀତିକାନ୍ତି ଆରମ୍ଭ କରିଛନ୍ତି। ଆସନ୍ତାକାଲି ଶ୍ରୀବିଗ୍ରହଙ୍କ ଦେବସ୍ନାନ ପୂର୍ଣ୍ଣିମା ଅନୁଷ୍ଠିତ ହେବ।

# କରୋନା

ରାଜ୍ୟରେ କରୋନା ସଂକ୍ରମିତଙ୍କ ସଂଖ୍ୟା ୫୬କୁ ବୃଦ୍ଧି ପାଇଛି। ଗତ ୨୪ ଘଣ୍ଟା ମଧ୍ୟରେ ୭ ଜଣ ନୂଆ କରୋନା ସଂକ୍ରମିତ ଚିହ୍ନଟ ହୋଇଥିବା ବେଳେ ୫ ଜଣ ସଂକ୍ରମିତ ସୁସ୍ଥ ହୋଇଛନ୍ତି। ସକ୍ରିୟ ସଂକ୍ରମିତଙ୍କ ସଂଖ୍ୟା ୩୬ରେ ରହିଛି।

# କ୍ରୀଡ଼ାବିତ୍-ସମ୍ବର୍ଦ୍ଧିତ

ନବମ ଜିୟୁ ଜିଟସୁ ଏସିୟାନ ଚାମ୍ପିୟନସିପରେ ଉଚ୍ଚକୋଟିର କ୍ରୀଡା ପ୍ରଦର୍ଶନ କରିଥିବା ଅନୁପମା ସ୍ୱାଇଁଙ୍କୁ ରାଜ୍ୟ ଆରକ୍ଷୀ ମହାନିର୍ଦ୍ଦେଶକ ଯୋଗେଶ ବାହାଦୁର ଖୁରାନିଆ ଅଭିନନ୍ଦନ ଜଣାଇବା ସହିତ ସମ୍ବର୍ଦ୍ଧିତ କରିଛନ୍ତି। ରାଜ୍ୟ ପୋଲିସ ମୁଖ୍ୟାଳୟରେ ଆୟୋଜିତ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ଶ୍ରୀ ଖୁରାନିଆ ଅନୁପମାଙ୍କୁ ପ୍ରୋତ୍ସାହନ ରାଶି ପ୍ରଦାନ ସହ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ। ଭୁବନେଶ୍ୱର ସହରାଞ୍ଚଳ ପୋଲିସ ଜିଲ୍ଲାରେ କନେଷ୍ଟବଳ ଭାବେ କାର୍ଯ୍ୟରତ ଅନୁପମା ଜୋର୍ଡାନର ଅମାନ ସହରରେ ଆୟୋଜିତ ଏସିଆନ ଚମ୍ପିୟାନସିପ ପ୍ରତିଯୋଗିତାରେ ୫୨ କେଜିରୁ କମ ବର୍ଗରେ  ରୌପ୍ୟ ଓ କାଂସ୍ୟ ପଦକ ଲାଭ କରିଥିଲେ।

## ଜୟନ୍ତୀ

ଭଦ୍ରକ ସଂସ୍କୃତି ଭବନଠାରେ ଓଡ଼ିଶାର ପ୍ରଥମ ମହିଳା ମୁଖ୍ୟମନ୍ତ୍ରୀ ନନ୍ଦିନୀ ଶତପଥୀଙ୍କ ୯୪ ତମ ଜୟନ୍ତୀ ପାଳନ ଅବସରରେ  ବିଧାୟକ ସିତାଂଶୁ ଶେଖର ମହାପାତ୍ର ନନ୍ଦିନୀ ଶତପଥୀଙ୍କ ତ୍ୟାଗପୂତ ଜୀବନୀ ଓ ସମାଜସେବା କାର୍ଯ୍ୟର ସ୍ମୃତି ଚାରଣ କରିଥିଲେ। ଏହି ଅବସରରେ ଜିଲ୍ଲାର ବିଭିନ୍ନ ବର୍ଗର ୧୨ ଜଣ ବ୍ୟକ୍ତିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା।

## ବାରବାଟୀ ମ୍ୟାଚ୍

ଚଳିତବର୍ଷ ନଭେମ୍ବର-ଡିସେମ୍ବରରେ ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ୨ଟି ଟେଷ୍ଟ, ୩ଟି ଦିନିକିଆ ଓ ୫ଟି ଟି-ଟ୍ୱେଣ୍ଟି ମ୍ୟାଚ୍ ଖେଳାଯିବ। ଡିସେମ୍ବର ୯ରେ ଟି-ଟ୍ୱେଣ୍ଟି ଶୃଙ୍ଖଳାର ପ୍ରଥମ ମ୍ୟାଚ କଟକ ବାରବାଟୀ ଷ୍ଟାଡିଅମରେ ଖେଳାଯିବ ବୋଲି ଭାରତୀୟ କ୍ରିକେଟ କଣ୍ଟ୍ରୋଲ ବୋର୍ଡ ପକ୍ଷରୁ ପ୍ରକାଶିତ ଖେଳ ସୂଚୀରୁ ଜଣାପଡିଛି। ବାରବାଟୀରେ ଏହା ହେବ ଚତୁର୍ଥ ଅନ୍ତର୍ଜାତୀୟ ଟି-ଟ୍ୱେଣ୍ଟି ମ୍ୟାଚ୍।  ଦକ୍ଷିଣ ଆଫ୍ରିକା ୩ୟ ଥର ପାଇଁ ବାରବାଟୀରେ ଟ୍ୱେଣ୍ଟି-୨୦ ମ୍ୟାଚ ଖେଳିବ।

## ପାଣିପାଗ

ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ସୃଷ୍ଟ ଘୂର୍ଣ୍ଣିବଳୟ ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ହୋଇଯାଇଛି । ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ ରାଜ୍ୟର ବିଭିନ୍ନ ସ୍ଥାନରେ ଆଜିଠାରୁ ୫

ଦିନ ପର୍ଯ୍ୟନ୍ତ ବର୍ଷା ହେବାର ସମ୍ଭାବନା ରହିଛି । ଆସନ୍ତା ୨୪ ଘଣ୍ଟା ମଧ୍ୟରେ ମୟୂରଭଞ୍ଜ, କେନ୍ଦୁଝର, ବାଲେଶ୍ୱର, ଭଦ୍ରକ ଏବଂ ଅନୁଗୁଳ ଜିଲ୍ଲାର କେତେକ ସ୍ଥାନରେ ବିଜୁଳି ଘଡ଼ଘଡ଼ି ସହ ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି । ସେହିଭଳି ଯାଜପୁର, କେନ୍ଦ୍ରାପଡ଼ା, କଟକ, ଜଗତ୍‌ସିଂହପୁର ଓ ଖୋର୍ଦ୍ଧା ଜିଲ୍ଲାରେ ବର୍ଷା ହେବାର ସମ୍ଭାବନା ଥିବାରୁ ସତର୍କ ସୂଚନା ଜାରି କରାଯାଇଛି ।